# ଜିଲ୍ଲା ସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ ପ୍ରଶମନ ବୈଠକ ଅନୁଷ୍ଠିତ ।

ଆଜି ମଧ୍ୟାହ୍ନରେ ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲା ସ୍ତରୀୟ ପ୍ରାକୃତିକ ବିପର୍ଯ୍ୟୟ ପ୍ରଶମନ ବୈଠକ ସର୍କିଟ ହାଉସ୍ ସମ୍ମିଳନୀ କକ୍ଷ ଠାରେ ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଶ୍ରୀମତୀ ବବିତା ପ୍ରଧାନ, ସମ୍ବଲପୁର ସାଂସଦଙ୍କ ପ୍ରତିନିଧି ଶ୍ରୀ ଅଗସ୍ତି ବେହେରା, ଛେଣ୍ଡିପଦା ବିଧାୟକଙ୍କ ପ୍ରତିନିଧି ଶ୍ରୀ ପ୍ରଦିପ କୁମାର ସାହୁ ,ଛେଣ୍ଡିପଦା ପଞ୍ଚାୟତ ସମିତି ଅଧ୍ୟକ୍ଷା ଶ୍ରୀମତୀ ସୁମିତ୍ରା ସାହୁ ଯୋଗ ଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ । ଅତିରିକ୍ତ ଜିଲ୍ଲାପାଳ ଉପସ୍ଥିତ ସମସ୍ତ ସଦସ୍ୟଙ୍କୁ ସ୍ୱାଗତ ଜଣାଇବା ସହ ଆସନ୍ତା ବର୍ଷା ଋତୁ ପୂର୍ବରୁ ବିପର୍ଯ୍ୟୟ ପ୍ରଶମନ ନିମନ୍ତେ ପ୍ରସ୍ତୁତି ସମ୍ପର୍କରେ କାର୍ଯ୍ୟସୂଚୀ ଅନୁଯାୟୀ ଆଲୋଚନା କରିଥିଲେ । ଆପାତକାଳିନ ଅଧିକାରୀ ଶ୍ରୀ ଶତ୍ୟାନନ୍ଦ ଦାସ ପୂର୍ବ ବର୍ଷର ବିବରଣୀ ପାଠ କରିଥିଲେ । ମୁଖ୍ୟତଃ ବନ୍ୟା ବାତ୍ୟା ଭଳି ଆପାତକାଳିନ ସ୍ଥିତିରେ ରାସ୍ତା ଘାଟ, ବିଦ୍ୟୁତ୍ ସରବରାହ,ପାନୀୟ ଜଳଯୋଗାଣ, ଦୂରଭାଷ,ଶୃଙ୍ଖଳା ଖାଦ୍ୟ,ପଶୁ ପକ୍ଷୀମାନଙ୍କ ନିମନ୍ତେ ଖାଦ୍ୟ,ପଲିଥିନ, ଔଷଧ ମହଜୁଦ ରଖିବା, ପ୍ରଭାବିତ ହେବାକୁ ଥିବା ଅଞ୍ଚଳଗୁଡିକରେ କଣ୍ଟ୍ରୋଲ ରୁମ୍ ସ୍ଥାପନ ସହ ଉଦ୍ଧାର କାର୍ଯ୍ୟ ନିମନ୍ତେ ଡଙ୍ଗାଗୁଡିକୁ ସଜାଗ ରଖିବା, ଜଳ ନିଷ୍କାସନ ନିମନ୍ତେ ନାଳ ନର୍ଦ୍ଦମାଗୁଡିକୁ ସଫା ରଖିବା, ପାଣିପାଗ ସମ୍ପର୍କିତ ବିଭିନ୍ନ ତଥ୍ୟକୁ ଜିଲ୍ଲାରେ କରାଯାଇଥିବା ବିଭିନ୍ନ କଣ୍ଟ୍ରୋଲ ରୁମକୁ ପ୍ରେରଣ କରିବା, ଅତ୍ୟଧିକ ବର୍ଷା କାରଣରୁ କ୍ଷତିଗ୍ରସ୍ତ ହେବାକୁ ଥିବା ସ୍ଥାନମାନଙ୍କରେ ବିପଦ ସଙ୍କେତ ଥିବା ସାଙ୍କେତିକ ଚିହ୍ନ ଲଗାଇବା, ଉଦ୍ଧାର କାର୍ଯ୍ୟରେ ଶୁନ୍ୟ ମୃତ୍ୟୁହାର ଲକ୍ଷ୍ୟ ନେଇ ସମସ୍ତ ବିଭାଗୀୟ କର୍ମକର୍ତ୍ତାମାନେ ସ୍ୱୟଂ ସହାୟକ ଗୋଷ୍ଠୀ ଓ ପଞ୍ଚାୟତରାଜ ଅନୁଷ୍ଠାନମାନଙ୍କ ସହଯୋଗରେ କାର୍ଯ୍ୟ କରିବା ଉପରେ ବିଶେଷ ଭାବରେ ଆଲୋଚନା ହୋଇଥିଲା । ଏହି ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ସମସ୍ତ ଉପଜିଲ୍ଲାପାଳ, ଗୋଷ୍ଠୀ ଉନ୍ନୟନ ଅଧିକାରୀ, ତହସିଲଦାରଙ୍କ ସମେତ ସମସ୍ତ ଜିଲ୍ଲା ସ୍ତରୀୟ ବିଭାଗୀୟ ଅଧିକାରୀମାନେ ଉପସ୍ଥିତ ରହି ନିଜ ନିଜ ବିଭାଗର ପ୍ରସ୍ତୁତି ସମ୍ପର୍କରେ ବିସ୍ତୃତ ଭାବେ ବର୍ଣ୍ଣନା କରିଥିଲେ । ଶେଷରେ ଜିଲ୍ଲା ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷ ଓ ଜିଲ୍ଲା ଜରୁରୀକାଳିନ ନିୟନ୍ତ୍ରଣ କେନ୍ଦ୍ର ଦ୍ୱାରା ପସ୍ତୁତ ଏବଂ ଅନୁମୋଦିତ ଜିଲ୍ଲା ବିପର୍ଯ୍ୟୟ ପରିଚାଳନା ଯୋଜନା ପୁସ୍ତିକାଟିକୁ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଉନ୍ମୋଚନ କରିଥିଲେ । ଓଡିଶା ରାଜ୍ୟ ବିପର୍ଯ୍ୟୟ ପରିଚାଳନା କର୍ତ୍ତୃପକ୍ଷର ଜିଲ୍ଲା ସଂଯୋଜକ ଶ୍ରୀ ପ୍ରଦୀପ କୁମାର ପାତ୍ର ଉକ୍ତ କାର୍ଯ୍ୟକ୍ରମରେ ସହଯୋଗ ପ୍ରଦାନ କରିଥିଲେ । ଜିଲ୍ଲା ଆପାତକାଳିନ ଅଧିକାରୀ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୩୫୬ ତା.୨୫.୦୫.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

25/5/2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ

OPPO Reno7 5G
2023.05.25 18:09


DISTRICT DISASTER MANAGEMENT AUTHORITY, ANGUL
NATURAL CALAMITY COMMITTEE MEETING, 2023-24
:- Circuit House Conference Hall, Angul
Date - 25.05.2023, Time :- 12.30 PM
OPPO Reno7 5G


OPPO Reno7 5G
2023.05.25 14:01